ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୪୧ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୦୬୯୧ ରେ ପହଞ୍ଚିଲା - ସୁସ୍ଥ ହେଲେ ୩୩ ଜଣ ।

ଅନୁଗୋଳ, ତା,୨୫.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ୪୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୧୮୫ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ସର୍ବାଧିକ ୧୦ ଜଣ (୬ଜଣ ପୁରୁଷ ଓ ୪ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୯ଜଣ ( ୪ଜଣ ପୁରୁଷ ଓ ୫ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୭ଜଣ ( ୨ଜଣ ପୁରୁଷ ଓ୫ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୫ଜଣ ( ୨ଜଣ ପୁରୁଷ ଓ ୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ), ତାଳଚେର ପୌରାଞ୍ଚଳରୁ ୨ଜଣ ( ୨ଜଣ ପୁରୁଷ ) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ଅନୁଗୋଳ ବ୍ଲକ, କିଶୋରନଗର ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ପ୍ରଭୃତି ୩ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩୩ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୪ଜଣ କୋଭିଡ ହସପିଟାଲରୁ ଓ ୨୯ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୭୬୬ ତା.୨୫.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ